# ଗ୍ରାମୀଣ କୃଷି ମୌସମ ସେବା
## ଭାରତୀୟ ପାଣିପାଗ ବିଭାଗ
## ଓଡିଶା କୃଷି ଓ ବୈଷୟିକ ବିଶ୍ୱ ବିଦ୍ୟାଳୟ
## ଆଞ୍ଚଳିକ ଗବେଷଣା ଓ ପ୍ରଯୁକ୍ତି ବିଦ୍ୟା ପ୍ରସାରଣ କେନ୍ଦ୍ର , ଭବାନୀପାଟଣା, କଳାହାଣ୍ଡି

ପତ୍ର ସଂ –୧୩/୨୦୨୪ | ସପ୍ତାହ- ୦୭ | ମଙ୍ଗଳବାର, ତାରିଖ-୧୩.୦୨.୨୦୨୪


### ନୂଆପଡ଼ା ଜିଲ୍ଲା ପାଇଁ ପାଣିପାଗ ପୂର୍ବାନୁମାନ – ୧୪.୦୨.୨୦୨୪ ରୁ ୧୮.୦୨.୨୦୨୪ ପର୍ଯ୍ୟନ୍ତ:

ଭାରତୀୟ ପାଣିପାଗ ବିଭାଗର ଆକଳନ ଅନୁସାରେ ଆସନ୍ତା ଶୁକ୍ରବାର ଦିନ ସ୍ୱଳ୍ପ ବର୍ଷା ହେବାର ସହିତ ଅନ୍ୟ ଦିନ ଗୁଡ଼ିକ ପାଗ ମୁଖ୍ୟତଃ ଶୁଖିଲା ରହିବାର ସମ୍ଭାବନା ରହିଛି । ଏହି ସମୟରେ ଆକାଶ ମୁଖ୍ୟତଃ ମେଘଅଶୂନ୍ୟ ରୁ ମେଘାଛନ୍ନ ରହିବା ସହିତ ଉକ୍ତ ସମୟ ମଧ୍ୟରେ ପବନ ଉତ୍ତର-ପୂର୍ବ ରୁ ଦକ୍ଷିଣ ପଶ୍ଚିମ ଦିଗ ଆଡୁ ଘଣ୍ଟା ପ୍ରତି ୦୦୫ - ୦୦୭ କି.ମି. ବେଗରେ ବହିବାର ଆଶଙ୍କା ଅଛି। ଏହି ସମୟରେ ଦିନ ର ସର୍ବାଧିକ ତାପମାତ୍ରା ୨୮ - ୩୧ ଡିଗ୍ରୀ ସେ. ଓ ସର୍ବନିମ୍ନ ତାପମାତ୍ରା ୧୫ – ୧୭ ଡିଗ୍ରୀ ସେ. ଏବଂ ସର୍ବାଧିକ ଓ ସର୍ବନିମ୍ନ ଆପେକ୍ଷିକ ଆଦ୍ରତା ଯଥାକ୍ରମେ ୩୮ – ୫୦ % ଓ ୧୭ – ୨୩ % ରହିବ ବୋଲି ଆଶା କରାଯାଏ ।

| ଜିଲ୍ଲା | ତାରିଖ | ବର୍ଷା ପରିମାଣ (ମି.ମି.) | ସର୍ବାଧିକ ତାପମାତ୍ରା (⁰ସେ.) | ସର୍ବନିମ୍ନ ତାପମାତ୍ରା (⁰ସେ.) | ଆକାଶରେ ମେଘର ପରିମାଣ (ଅକଟା) | ସର୍ବାଧିକ ଆପେକ୍ଷିକ ଅଦ୍ରତା (%) | ସର୍ବନିମ୍ନ ଆପେକ୍ଷିକ ଅଦ୍ରତା (%) | ପବନର ବେଗ (କି.ମି. ପ୍ରତି ଘଣ୍ଟା ) | ପବନର ଦିଗ (ଡିଗ୍ରୀ) |
|---|---|---|---|---|---|---|---|---|---|
| ନୂଆପଡ଼ା | ୧୪-୦୨-୨୦୨୪ | ୦ | ୩୧ | ୧୭ | ୨ | ୪୫ | ୨୩ | ୬ | ୨୦୨ |
| | ୧୫-୦୨-୨୦୨୪ | ୦ | ୩୦ | ୧୮ | ୬ | ୪୧ | ୧୭ | ୬ | ୨୪୫ |
| | ୧୬-୦୨-୨୦୨୪ | ୫ | ୨୮ | ୧୮ | ୮ | ୫୦ | ୨୩ | ୭ | ୬୨ |
| | ୧୭-୦୨-୨୦୨୪ | ୦ | ୩୦ | ୧୬ | ୪ | ୪୧ | ୨୧ | ୫ | ୧୫୩ |
| | ୧୮-୦୨-୨୦୨୪ | ୦ | ୩୧ | ୧୫ | ୩ | ୩୮ | ୧୮ | ୬ | ୧୬୫ |

ଅଧିକ ସୂଚନା ପାଇଁ ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ବର ସହିତ ଯୋଗାଯୋଗ କରନ୍ତୁ ଫୋନ.#୦୬୭୪ - ୨୫୯୬୧୧୬

### ପାଣିପାଗ ଭିତ୍ତିକ କୃଷି ଉପଦେଶ

- ଆସନ୍ତା ପାଞ୍ଚ ଦିନ ମଧ୍ୟରେ ସ୍ୱଳ୍ପ ବର୍ଷା ହେବାର ଆକଳନ ଥିବାରୁ ଏହି କିଛିଦିନ ପାଇଁ ଜମିରେ ଜଳସେଚନ ଓ ରସାୟନିକ ଔଷଧର ପ୍ରୋୟୋଗ କୁ ସ୍ଥଗିତ ରଖନ୍ତୁ ।
- କୀଟ ସଂଖ୍ୟାର ନିୟନ୍ତ୍ରଣ ନିମନ୍ତେ ମୁଗ, ବିରି, ଚିନାବାଦାମ, ବୁଟ ଏବଂ ପନିପରିବା ଜାତୀୟ ଫସଲରେ ଜମି ଭିତରେ ଓ ଚାରିପାଖରେ ପକ୍ଷୀ ମାନଙ୍କ ବିଶ୍ରାମ ନିମନ୍ତେ "T" ଆକାର ଭଳି ବାଡ଼ି ପୋତନ୍ତୁ।
- ବାଇଗଣ, ଫୁଲକୋବି, ବନ୍ଧାକୋବି, ଟମାଟୋ ଆଦି ପନିପରିବା ରେ ଫଳବିନ୍ଧା ପୋକର ନିୟନ୍ତ୍ରଣ ପାଇଁ ଏକର ପିଛା ୩ ରୁ ୪ ଟି ଫେରୋମୋନ୍ ଟ୍ରାପ ବ୍ୟବହାର କରନ୍ତୁ ।
- ଭୂତାଣୁ ଦ୍ବାରା ସଂକ୍ରମିତ ପନିପରିବା ଗଛ ଗୁଡ଼ିକୁ ଅପାଡ଼ି ମାଟି ତଳେ ପୋତି ଦିଅନ୍ତୁ। ଏହା କରିବା ପରେ ଯଦି ସଂକ୍ରମଣ ନିୟନ୍ତ୍ରଣ ନ ହୁଏ ତେବେ ରୋଗ ବାହକର ନିୟନ୍ତ୍ରଣ ପାଇଁ ପ୍ରତି ଲିଟର ପାଣିରେ ୩ ମି.ଲି ଇମିଡାକ୍ଲୋପ୍ରିଡ କୁ ମିଶାଇ ସିଞ୍ଚନ କରନ୍ତୁ।
- ଗଛର ବୃଦ୍ଧି ସମୟରେ ଧଳାମାଛି, ଜଉ,ଉକୁଣିଆ ଓ ପତ୍ର ଡିଆଁ ପୋକ ର ନିୟନ୍ତ୍ରଣ ପାଇଁ ଏକର ପ୍ରତି ୮ ଟି ଅଠା ଲାଗିଥିବା ହଳଦିଆ ଯନ୍ତା ବ୍ୟବହାର କରନ୍ତୁ । ଶୋଷକ କୀଟ କୁ ନିୟନ୍ତ୍ରଣ କରିବା ପାଇଁ ନିମ୍ବ ଆଧାରିତ କୀଟନାଶକ ୩୦ ମିଲି କୁ ପ୍ରତି ୧୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ।
- ଗୋଲାପ ଫୁଲଚାଷରେ ପତ୍ରରେ କଳା ଦାଗ ଦେଖା ଦେଉଥିଲେ ପ୍ରତି ଏକ ଲିଟର ପାଣିରେ ୩ ଗ୍ରାମ କପର ଅକ୍ସିକ୍ଲୋରାଇଡ ୫୦% ଡବ୍ଲୁ.ପି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ ।
- ଗେଣ୍ଡୁ ଫୁଲଚାଷରେ ଫୁଲଶଢା ରୋଗର ନିୟନ୍ତ୍ରଣ ପାଇଁ ପ୍ରତି ଏକ ଲିଟର ପାଣିରେ ୨ ଗ୍ରାମ ମେଙ୍କୋଜେବ ୭୫% ଡବ୍ଲୁ.ପି କିମ୍ବା ୧ ଗ୍ରାମ କାରବେନଡାଜିମ ୫୦% ଦବ୍ଲୁ.ପି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ।
- ଗୃହପାଳିତ ଗାଈ, ମଇଁଷି, ଛେଳି, ମେଣ୍ଢା ମାନଙ୍କୁ ଫାଟୁଆ, ସାହାଣ, ବଜବଜିଆ, ଛେଳି ମଡ଼କ ଓ ଛେଳି ବସନ୍ତ ଆଦି ରୋଗରୁ ରକ୍ଷା କରିବା ପାଇଁ ଉପଯୁକ୍ତ ସମୟରେ ଟୀକା ଦାନ କରନ୍ତୁ।

### ଡାଲୁଅ ଧାନ :

- ୩ ରୁ ୪ ସପ୍ତାହ ହେଇଥିବା ତଳିକୁ ବୁଦାପ୍ରତି ୩-୪ ଟି ହିସାବରେ ଧାଡ଼ି କୁ ଧାଡ଼ି ଏବଂ ବୁଦା କୁ ବୁଦା ୧୫ ସେ.ମି ବ୍ୟବଧାନରେ ସିଧାଭାବରେ ଓ ଅଳ୍ପ ଗଭୀରରେ ରୋପଣ କରନ୍ତୁ।
- ଘାସ ପରିଚାଳନା: ମୁଖ୍ୟ ଜମିରେ ଘାସ ନିୟନ୍ତ୍ରଣ ପାଇଁ ବେନସଲଫ୍ୟୁରାନ ମିଥାଇଲ ଓ ପ୍ରିଟିଲାକ୍ଲୋର ର ମିଶ୍ରଣକୁ ଏକର ପିଛା ୪ କି.ଗ୍ରା. ହିସାବରେ ସମାନ ପରିମାଣର ବାଲି ସହିତ ମିଶାଇ ବୁଣିବା କିମ୍ବା ରୋଇବାର ୫ ରୁ ୧୦ ଦିନ ମଧ୍ୟରେ ପ୍ରୟୋଗ କରନ୍ତୁ ନଚେତ ରୋଇବାର ୩ ରୁ ୫ ଦିନ ମଧ୍ୟରେ ୫ ଗ୍ରାମ ପାଇରାଜୋସଲଫ୍ୟୁରାନ ଇଥାଇଲ ୧୦% ଡବ୍ଲୁ.ପି କୁ ପ୍ରତି ୧୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ଅଥବା ବୁଣିବା କିମ୍ବା ରୋଇବାର ୧୦ ରୁ ୧୫ ଦିନ ମଧ୍ୟରେ ୮ ମିଲିଗ୍ରାମ ବିସ୍ପିରିବିକ ସୋଡିଅମ କୁ ୧୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- ସାର ପରିଚାଳନା: ଛଟା ବୁଣା ଧାନରେ ପ୍ରଥମ କିସ୍ତି ସାର ହିସାବରେ ଏକର ପିଛା ୨୪ କି.ଗ୍ରା. ୟୁରିଆ ସାରକୁ ବୁଣିବାର ୨୦ ରୁ ୨୫ ଦିନ ମଧ୍ୟରେ ପ୍ରୟୋଗ କରନ୍ତୁ । ରୁଆ କାର୍ଯ୍ୟ ପାଇଁ ମୁଖ୍ୟ ଜମିକୁ ପ୍ରସ୍ତୁତ କରିଦିଅନ୍ତୁ । ଶେଷଥର କାଦୁଅ କରିବା ସମୟରେ ମୂଳସାର ଭାବେ ଏକର ପିଛା ଡି.ଏ.ପି ୪୪ କି.ଗ୍ରା ଓ ୨୨ କି.ଗ୍ରା. ଏମ.ଓ.ପି ପ୍ରୟୋଗ କରନ୍ତୁ ।

**ରୋଗ ଓ ପୋକ ପରିଚାଳନା:**

- ଛଟା ବୁଣା ଧାନରେ ମହିଷା ରୋଗର ପ୍ରାଦୁର୍ଭାବ ଦେଖା ଦେଉଥିଲେ ପ୍ରତି ୧୦ ଲିଟର ପାଣିରେ ୪ ଗ୍ରାମ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ ୨୫% ଡବ୍ଲୁ.ଜି. କିମ୍ବା ୧୦ ଗ୍ରାମ କାରବେନଡାଜିମ୍ ୫୦% ଡବ୍ଲୁ.ପି. କିମ୍ବା ୧୦ ମି.ଲି. ଏଡିଫେନୋଫୋସ୍ ୫୦% ଇ.ସି. କୁ ମିଶ୍ରଣ କରି ସିଂଚନ କରନ୍ତୁ।
- ପତ୍ରପୋଡ଼ା ରୋଗ ପ୍ରାଦୁର୍ଭାବ ଅଞ୍ଚଳରେ ତଳି ମୂଳକୁ ୦.୧% ପ୍ଲାନଟୋମାଇସିନ ଦ୍ରବଣରେ (୧ଗ୍ରାମ ପ୍ରତି ୧ ଲିଟର ପାଣି ହିସାବରେ ) ୩୦ ମିନିଟ ପର୍ଯ୍ୟନ୍ତ ବୁଡ଼ାଇ ରୋପଣ କରନ୍ତୁ।
- ରୋଇବା ପରେ ପରେ କାଣ୍ଡବିନ୍ଧା ଓ ପତ୍ରମୋଡ଼ା ପୋକର ନିରୀକ୍ଷଣ ପାଇଁ ଏକର ପିଛା ଟ୍ରାପ୍ ପ୍ରତି ୫ ମିଲିଗ୍ରାମ ଲିଓର ସହିତ ୩ ଟି ଫେରୋମୋନ ଟ୍ରାପ ଲଗାନ୍ତୁ । ଯଦି ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ହେଇଯିବ ତେବେ ପ୍ରତି ଏକ ଲିଟର ପାଣିରେ ୪ ମିଲିଗ୍ରାମ ଆଜାଡିରକଟିନ୍ ୦.୧୫% ନିମ୍ବ ଜାତୀୟ ଔଷଧ କିମ୍ବା ଦାନାଦାର ଔଷଧ ଭାବରେ ଏକର ପିଛା ୧୦ କି.ଗ୍ରା. କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ ୪ଜି କୁ ସମାନ ପରିମାଣର ବାଲି ସହିତ ମିଶାଇ ଜମିରେ ପ୍ରୟୋଗ କରନ୍ତୁ।

**ମୁଗ ଓ ବିରି :**

- **ଘାସ ପରିଚାଳନା:** ସଅଳ ଗଜା ପରବର୍ତୀ ଘାସମରା ଔଷଧ ଭାବରେ ବିହନ ବୁଣିବାର ୧୫ ରୁ ୨୦ ଦିନ ମଧ୍ୟରେ ୧୦ ଲିଟର ପାଣିରେ ୩ ମିଲିଗ୍ରାମ ହିସାବରେ ଇମାଯେଥାପିର ୧୦% ଏସ.ଏଲ କିମ୍ବା ୧ ମି.ଲି ଇମାଯେଥାପିର ୩୫% + ଇମଜାମୋକ୍ସ ୩୫% ଏସ.ଏଲ କୁ ପ୍ରତି ୫ ଲିଟର ପାଣିରେ ମିଶ୍ରଣ କରି ସିଞ୍ଚନ କରନ୍ତୁ।
- **ଜଳସେଚନ:** ବର୍ତମାନ ମୁଗ ଓ ବିରିରେ ଫୁଲ ଧରିବା ସମୟ ପାଖେଇ ଆସିଲାଣି । ତେଣୁ ମୁଗ ଓ ବିରି ଫସଲରେ ଜଳର ଆବଶ୍ୟକତା ପାଇଁ ଏହା ସଙ୍କଟଜନକ ସମୟ । ଏହି ସମୟରେ ଜମିରେ ଜଳର ଅଭାବ ହେବା ଉଚିତ ନୁହଁ ।

**ରୋଗ ପରିଚାଳନା:**

- **ସାହେବୀ ରୋଗ:** ଏହି ରୋଗର ଉପସ୍ଥିତି ଦେଖା ଦେଉଥିଲେ ସଂକ୍ରମିତ ହେଇଥିବା ଗଛ ଗୁଡ଼ିକୁ ଅପାଡ଼ି ମାଟି ତଳେ ପୋତି ଦିଅନ୍ତୁ। ଏହି ରୋଗର ବାହକ ଧଳା ମାଛି ର ନିୟନ୍ତ୍ରଣ ପାଇଁ ଏକର ପ୍ରତି ୮ ଟି ଅଠା ଲାଗିଥିବା ହଳଦିଆ ରଙ୍ଗର ଯନ୍ତା ବା କାର୍ଡ କୁ ଜମିରେ ଅଙ୍ଗୀୟ ଅବସ୍ଥାରେ ଲଗାନ୍ତୁ । ରସାୟନିକ ଉପାୟରେ ନିୟନ୍ତ୍ରଣ ପାଇଁ ପ୍ରତି ପାଞ୍ଚ ଲିଟର ପାଣିରେ ୧ ଗ୍ରା. ଥିଓମେଥୋକ୍ସମ୍ ୨୫ ଡବ୍ଲୁ.ଜି କିମ୍ବା ୧.୫ ମି.ଲି. ଇମିଡାକ୍ଲୋପ୍ରିଡ ୧୭.୮% ଏସ.ଏଲ. କୁ ମିଶ୍ରଣ କରି ସିଂଚନ କରନ୍ତୁ।

**ଚିନାବାଦାମ:**

**ରୋଗ ଓ ପୋକ ପରିଚାଳନା:**

- **ଧଳାମାଛି, ଜଉ, ପତ୍ର ଡିଆଁ ପୋକ:** ନିୟନ୍ତ୍ରଣ ପାଇଁ ଏକର ପ୍ରତି ୮ ଟି ଅଠା ଲାଗିଥିବା ହଳଦିଆ ରଙ୍ଗର ଯନ୍ତା ବା କାର୍ଡ କୁ ଜମିରେ ଅଙ୍ଗୀୟ ଅବସ୍ଥାରେ ଲଗାନ୍ତୁ ।
- **ଉକୁଣିଆ ପୋକ:** ନିୟନ୍ତ୍ରଣ ପାଇଁ ଏକର ପ୍ରତି ୮ ଟି ଅଠା ଲାଗିଥିବା ନୀଳ ରଙ୍ଗର ଯନ୍ତା ବା କାର୍ଡ କୁ ଜମିରେ ଅଙ୍ଗୀୟ ଅବସ୍ଥାରେ ଲଗାନ୍ତୁ ।
- **ତମ୍ବାଖୁ ପତ୍ରଖିଆ ପୋକ:** ପ୍ରତିକାର ପାଇଁ ଅଙ୍ଗୀୟ ଅବସ୍ଥାରେ ଏକର ପ୍ରତି ୮ ଟି ସ୍ପୋଡୋ ଲିଓର ଲାଗିଥିବା ଫେରୋମୋନ ଟ୍ରାପ୍ ବା ସଙ୍ଗ ଆକର୍ଷକ ଜନ୍ତା ଲଗାନ୍ତୁ ଏବଂ ତିନି ସପ୍ତାହ ପରେ ଲିଓର କୁ ବଦଳାଇ ଦିଅନ୍ତୁ ।

**ସଙ୍କର ମକା :**

- **ଘାସ ପରିଚାଳନା:** ରାସାୟନିକ ଉପାୟରେ ନିୟନ୍ତ୍ରଣ ପାଇଁ ମଞ୍ଜି ବୁଣିବାର ୨୦ ରୁ ୨୫ ଦିନ ମଧ୍ୟରେ ପ୍ରତି ୧୦ ଲିଟର ପାଣିରେ ୬ ମି.ଲି ଟେମ୍ବୋଟ୍ରାଇଓନ ୩୪.୪% ଏସ.ସି କିମ୍ବା ୧.୫ ଗ୍ରାମ ଟୋପ୍ରାମିଜୋନ ୩୩.୬% ଏସ.ସି କୁ ଭଲଭାବେ ମିଶାଇ ସିଞ୍ଚନ କରନ୍ତୁ।
- **ସାର ପରିଚାଳନା:** ମଞ୍ଜି ବୁଣିବାର ୨୦ ରୁ ୨୫ ଦିନ ହେଇଯାଇଥିଲେ ପ୍ରଥମ କିସ୍ତି ସାର ଭାବରେ ଏକର ପିଛା ୭୫ କିଲୋଗ୍ରାମ ୟୁରିଆ ସାର ପ୍ରୟୋଗ କରନ୍ତୁ । ମଞ୍ଜି ବୁଣିବାର ୪୦ ରୁ ୪୫ ଦିନ ହେଇଯାଇଥିଲେ ଦ୍ବିତୀୟ କିସ୍ତି ସାର ଭାବରେ ଏକର ପିଛା ୪୫ କିଲୋଗ୍ରାମ ୟୁରିଆ +୨୦ କିଲୋଗ୍ରାମ ଏମ୍.ଓ.ପି.ସାର ପ୍ରୟୋଗ କରନ୍ତୁ ।

**କୀଟ ପରିଚାଳନା:**

- **ଜଉ ଓଉକୁଣିଆ ପୋକ:** ପ୍ରତିକାର ଲାଗି ପ୍ରତି ପାଞ୍ଚ ଲିଟର ପାଣିରେ ୧ ଗ୍ରା. ଥିଓମେଥୋକ୍ସମ୍ ୨୫ ଡବ୍ଲୁ.ଜି କିମ୍ବା ୧.୫ ମି.ଲି. ଇମିଡାକ୍ଲୋପ୍ରିଡ ୧୭.୮% ଏସ.ଏଲ. କୁ ମିଶ୍ରଣ କରି ସିଂଚନ କରନ୍ତୁ।
- **କାଣ୍ଡବିନ୍ଧା ପୋକ:** ନିୟନ୍ତ୍ରଣ ପାଇଁ ପ୍ରତି ଏକ ଲିଟର ପାଣିରେ ୨ ମି.ଲି. ହିସାବରେ ଫିପ୍ରୋନିଲ ୫% ଏସ.ସି. କିମ୍ବା ପ୍ରୋପେନୋଫୋସ ୫୦% ଇ.ସି. କୁ ମିଶାଇ ସିଂଚନ କରନ୍ତୁ।
- **ଫଲ ଆର୍ମି ୱର୍ମ:** ଏହି କୀଟର ନିୟନ୍ତ୍ରଣ ନିମନ୍ତେ ପ୍ରତି ପାଞ୍ଚ ଲିଟର ପାଣିରେ ୨ ଗ୍ରା. ଇମାମେକଟିନ୍ ବେନଜୋଏଟ୍ କୁ ମିଶାଇ ସିଂଚନ କରନ୍ତୁ ।

**ସୂର୍ଯ୍ୟମୁଖୀ:**

- ବର୍ତମାନ ସୂର୍ଯ୍ୟମୁଖୀ ପାକଳ ଅବସ୍ଥାର ନିକଟତର ହେଉଛି। ତେଣୁ ମଞ୍ଜିରେ ଶତକଡ଼ା ୨୦ ଭାଗ ଜଳୀୟ ଅଂଶ ଥିବାବେଳେ ଅମଳ କରନ୍ତୁ।
- ଫୁଲକୁ ଖରାରେ ୪-୫ ଦିନ ଶୁଖାଇ ବାଡ଼ିରେ ବାଡେ଼ଇ ବା ସୂର୍ଯ୍ୟମୁଖୀ ଅମଳ ଯନ୍ତ୍ର ସାହାଯ୍ୟରେ ମଞ୍ଜି ବାହାର କରନ୍ତୁ ଏବଂ ସୁରକ୍ଷିତ ସାଇତି ରଖିବା ପାଇଁ ମଞ୍ଜିକୁ ଖରାରେ ଶୁଖାଇ ଏହାର ଜଳୀୟ ଅଂଶ ଶତକଡ଼ା ୯ ଭଗକୁ ଆଣନ୍ତୁ।

**ପନିପରିବା :**

**ଟମାଟୋ:**

**ରୋଗ ଓ କୀଟ ପରିଚାଳନା:**

- **ଫଳ ଓ କାଣ୍ଡବିନ୍ଧା ପୋକ :** ନିୟନ୍ତ୍ରଣ ପାଇଁ ଏକର ପ୍ରତି ଦୁଇଟି ଲେଖାଏଁ ଫେରୋମୋନ ଟ୍ରାପ ବ୍ୟବହାର କରନ୍ତୁ ନଚେତ ରାସାୟନିକ ଉପାୟରେ ନିୟନ୍ତ୍ରଣ ପାଇଁ ୩ ମି.ଲି କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫%ଏସ.ସି କିମ୍ବା ୧୦ ମି.ଲି. ଇନଡୋକ୍ସାକାର୍ବ ୧୪.୫% ଏସ.ସି କୁ ପ୍ରତି ୧୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ।
- **ପତ୍ରଦାଗ/ପାଉଁଶିଆ ରୋଗ:** ପ୍ରତି ଏକ ଲିଟର ପାଣିରେ ୬ ଗ୍ରାମ ଆଜୋକ୍ସିଷ୍ଟ୍ରୋବିନ ୪.୮% + କ୍ଲୋରୋଥାଲୋନିଲ ୪୦% ଏସ.ସି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ।
- **ଝାଉଁଳା ଓ ପତ୍ର ପୋଡ଼ା ରୋଗ:** ନିୟନ୍ତ୍ରଣ ପାଇଁ ପ୍ରତି ଏକ ଲିଟର ପାଣିରେ ୧ ଗ୍ରାମ କରବେନଡାଜିମ ସହିତ ୧ଗ୍ରାମ ପ୍ଲାନଟୋମାଇସିନ କୁ ମିଶ୍ରଣ କରି ଗଛ ମୂଳରେ ସିଞ୍ଚନ କରନ୍ତୁ।

**ଫୁଲ କୋବି ଓ ବନ୍ଧା କୋବି:**

**କୀଟ ପରିଚାଳନା:**

- **ଠିକିରି ପିଠିଆ ପ୍ରଜାପତି ପୋକ:** ନିୟନ୍ତ୍ରଣ ପାଇଁ ପ୍ରତି ଲିଟର ପାଣିରେ ୨ ମି.ଲି ଫିପ୍ରୋନିଲ୍ ୫% ଏସ.ସି କିମ୍ବା ୪ ମି.ଲି କ୍ଲୋରୋପାଇଫୋସ୍ ୨୦ % ଇ.ସି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ।
- **ତମ୍ବାଖୁ ପତ୍ରଖିଆ ପୋକ:** ନିୟନ୍ତ୍ରଣ ପାଇଁ ୬ ମି.ଲି ସିନଟ୍ରାନିଲିପ୍ରୋଲ ୧୦.୨୬% ଓ.ଡି କୁ ୫ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- **ଜଉ ପୋକ:** ନିୟନ୍ତ୍ରଣ ପାଇଁ ପ୍ରତି ୫ ଲିଟର ପାଣିରେ ୧ ଗ୍ରା. ଥିଓମେଥୋକ୍ସମ୍ ୨୫ ଡବ୍ଲ୍ୟୁ.ଜି କୁ ମିଶାଇ ସିଞ୍ଚନ କରନ୍ତୁ ।

**ଲଙ୍କା :**

**ରୋଗ ଓ କୀଟ ପରିଚାଳନା:**

- **ଉକୁଣିଆ ପୋକ**: ନିୟନ୍ତ୍ରଣ ପାଇଁ ଏକର ପିଛା ୮ଟି ଅଠାଳିଆ ନୀଳ ଯନ୍ତା ଲଗାନ୍ତୁ । ରାସାୟନିକ ଉପାୟରେ ସଂକ୍ରମଣ ରୋକିବା ପାଇଁ ପ୍ରତି ୫ ଲିଟର ପାଣିରେ ଇମାମେକ୍ଟିନବେଞ୍ଜୋଏଟ୍ ୫% ଏସ୍.ଜି. ୨ ଗ୍ରା. କିମ୍ବା ଫିପ୍ରୋନିଲ୍ ୫% ଏସ୍.ସି. ୧୦ ମି.ଲି. କିମ୍ବା ଇମିଡ଼ାକ୍ଲୋପ୍ରିଡ୍ ୧୭.୮% ଏସ୍.ଏଲ୍. ୧.୫ ମି.ଲି ହିସାବରେ ମିଶ୍ରଣ କରି ସିଞ୍ଚନ କରନ୍ତୁ।
- **ଫଳସଢ଼ା ରୋଗ**: ପ୍ରତିକାର ପାଇଁ ଏକ ଲିଟର ପାଣିରେ ଆଜୋକ୍ସିଷ୍ଟ୍ରୋବିନ୍ ୮.୩% + ମଙ୍କୋଜେବ ୬୬.୭% ଡବ୍ଲ୍ୟୁଜି ୩ ଗ୍ରାମ୍ କିମ୍ବା ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% ଡବ୍ଲ୍ୟୁଜି ୦.୫ ଗ୍ରା. ହିସାବରେ ମିଶ୍ରଣ କରି ସିଞ୍ଚନ କରନ୍ତୁ।

**ବାଇଗଣ:**

**କୀଟ ପରିଚାଳନା:**

- **କାଣ୍ଡ ଓ ଫଳ ବିନ୍ଧା ପୋକ**: ନିୟନ୍ତ୍ରଣ ପାଇଁ ଅଙ୍ଗୀୟ ଅବସ୍ଥାରେ ଏକର ପିଛା ୮ ଟି ଫେରୋମୋନ୍ ଟ୍ରାପ୍ (ଆକର୍ଷକ ଜନ୍ତା) କିମ୍ବା ୱାଟା ଟ୍ରାପ୍ ଜମିରେ ଲଗାନ୍ତୁ । ରାସାୟନିକ ପଦ୍ଧତିରେ ନିୟନ୍ତ୍ରଣ ପାଇଁ ପ୍ରତି ୧୫ ଲିଟର ପାଣିରେ ସ୍ପିନୋସାଡ ୪୫% ଏସ.ସି ୫.୫ ମିଲିଗ୍ରାମ ନଚେତ ପ୍ରତି ଏକ ଲିଟର ପାଣିରେ ୨ ମିଲିଗ୍ରାମ ଥିଓଡିକାର୍ବ ୭୫% ଡବ୍ଲ୍ୟୁ.ପି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ।
- **ଧଳା ମାଛି:** ନିୟନ୍ତ୍ରଣ ପାଇଁ ଅଙ୍ଗୀୟ ଅବସ୍ଥାରେ ଏକର ପ୍ରତି ୮-୧୦ ଟି ଅଠା ଲାଗିଥିବା ହଳଦିଆ ଯନ୍ତା ବ୍ୟବହାର କରନ୍ତୁ । ସଂକ୍ରମିତ ହେବାର ପ୍ରଥମ ଅବସ୍ଥାରେ ୩୦ ମି.ଲି ନିମ୍ବ ଆଧାରିତ କୀଟନାଶକ (ଆଯାଡିରାକଟିନ୍ ୧୫୦୦ ପିପିଏମ୍ ) କୁ ପ୍ରତି ୧୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ।

**ପଶୁପାଳନ:**

- **ଗାଈ ଓ ମଇଁଷି :** ଦୁଗ୍ଧ ଦେଉଥିବା ପ୍ରାଣୀ ମାନଙ୍କୁ ପର୍ଯ୍ୟାପ୍ତ ପରିମାଣର ଦାନା ଓ ସବୁଜ ଘାସ ଯୋଗାଇ ଦିଅନ୍ତୁ।
- **କୁକୁଡ଼ା:** କୁକୁଡ଼ା ଚିଆଁ ମାନଙ୍କୁ ଆବଶ୍ୟକୀୟ ଟୀକାକରଣ କରିବା ସଙ୍ଗେ ସଙ୍ଗେ ପ୍ରଥମ ୨ ରୁ ୩ ସପ୍ତାହ ପର୍ଯ୍ୟନ୍ତ ଉପଯୁକ୍ତ ତାପମାତ୍ରା ପ୍ରଦାନ କରନ୍ତୁ। କୁକୁଡ଼ା ଘରକୁ ନିୟମିତ ଭାବେ ସଫା ରଖନ୍ତୁ ଓ ଚଟଣାକୁ ଆର୍ଦ୍ରତା ମୁକ୍ତ କରନ୍ତୁ।
- **ଛେଳି:** ଶୀତଦିନିଆ ଥଣ୍ଡା ପବନ ଓ ସନ୍ତସନ୍ତିଆ ଚଟାଣ ଠାରୁ ସୁରକ୍ଷା ପ୍ରଦାନ କରନ୍ତୁ। ୨ ରୁ ୩ ମାସର ଛେଳି ଛୁଆମାନଙ୍କୁ ପ୍ରତିଦିନ ୫୦ ରୁ ୧୦୦ ଗ୍ରାମ ଦାନା ଖାଦ୍ୟ ଯୋଗାଇ ଦିଅନ୍ତୁ। ଏହାଦ୍ୱାରା ଛୁଆମାନଙ୍କର ସଠିକ ଶାରୀରିକ ବୃଦ୍ଧି ହେଇଥାଏ।

ନୋଡାଲ ଅଫିସର
ଗ୍ରାମୀଣ କୃଷି ମୌସମ ସେବା , ଭବାନୀପାଟଣା

ବି.ଦ୍ର.:- ସ୍ଥାନୀୟ ପାଣିପାଗ ସମ୍ବନ୍ଧୀୟ ତଥ୍ୟ ପାଇଁ "ମଉସମ", ପାଣିପାଗ ଭିତିକ କୃଷି ସୂଚନା ପାଇଁ "ମେଘଦୂତ" ଓ ବିଜୁଳି ସତର୍କ ସୂଚନା ପାଇଁ "ଦାମିନୀ" ମୋବାଇଲ ଆପ୍ଲିକେସନ ବ୍ୟବହାର କରନ୍ତୁ।

କୃଷିରେ ଅଧିକତର ଲାଭ ନିମନ୍ତେ ଓୟୁଏଟି କଳିଙ୍ଗ ଦ୍ରବ୍ୟ ବ୍ୟବହାର କରନ୍ତୁ (ବିହନ, ଚାରା ଓ ଗୁଣାତ୍ମକ ବୃକ୍ଷରୋପଣ ସାମଗ୍ରୀ, ଟିସୁ କଲ୍ଚର ଚାରା, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ , ଅଙ୍ଗୁଳିକା ଯାଆଁଳ/ ବର୍ଷିକୀୟା ଯାଆଁଳ, କୁକୁଡ଼ା ଚିଆଁ, ପଶୁ ପ୍ରଜାତି, ଛତୁ ଓ ମଞ୍ଜି , ଜୀବାଣୁ ସାର , ଜୈବିକ କୀଟନାଶକ , ଜିଆ ଓ ଜିଆଖତ ଏବଂ କୃଷି ଯନ୍ତ୍ରପାତି).

ଭାରତୀୟ ପାଣିପାଗ ସଂସ୍ଥା ର ପାଣିପାଗ ଆକଳନ ଓ କୃଷିପାଣିପାଗ ଜନିତ ସୂଚନା ଏବେ ଉଭୟ ଓଡ଼ିଆ ଓ ଇଂରାଜୀ ଭାଷାରେ ମେଘଦୂତ ଆପ ରେ ଉପଲବ୍ଧ । ଆପ ଡାଉନଲୋଡ କରିବା ପାଇଁ ନିମ୍ନ ଲିଙ୍କରେ କ୍ଲିକ କରନ୍ତୁ ।
**(Android: https://play.google.com/store/apps/details?id=com.aas.meghdoot), (iOS: https://apps.apple.com/in/app/meghdoot/id1474048155)**